The Odisha Gazette

EXTRAORDINARY

PUBLISHED BY AUTHORITY

**No. 1716 CUTTACK, SATURDAY, SEPTEMBER 15, 2018/BHADRA 24, 1940**

# ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

**No. 29307-RDM-LAA-JAJ-0038-2017-R&DM, Dated** 08-08-2018

ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013 )ର ଧାରା ୧୯ ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ ଉକ୍ତ ଆଇନ ର ଧାରା ୧୫(୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨(୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା- **ମଙ୍ଗଳପୁର (ଅତିରିକ୍ତ),** ଥାନା- ସୁକିନ୍ଦା ନଂ-୧୪୧ , ତହସିଲ- ସୁକିନ୍ଦା , ଜିଲ୍ଲା- ଯାଜପୁର ରେ ନିମ୍ନ ସୂଚୀତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ରେଙ୍ଗାଲି ବାମ ପାର୍ଶ୍ୱ ମୁଖ୍ୟ କେନାଲ ର ସୁକିନ୍ଦା ଶାଖା କେନାଲ ନିର୍ମାଣ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୧(୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା **୪୧୨୫୮**ତା. **୦୧.୧୨.୨୦୧୭** ରିଖ ରେ ପ୍ରକାଶିତ ହୋଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ ମୌଜା – **ମଙ୍ଗଳପୁର (ଅତିରିକ୍ତ),** ଥାନା- ସୁକିନ୍ଦା ନଂ-୧୪୧, ଜିଲ୍ଲା- ଯାଜପୁର ରେ କୌଣସି ବିସ୍ଥାପିତ ପରିବାର ନ ଥିବାରୁ ପୁନର୍ବାସ ଓ ଥଇଥାନ ନିମିତ୍ତ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇନାହିଁ ।

ଅନୁମୋଦିତ ପୁନର୍ବାସ ଓ ଥଇଥାନ ଯୋଜନା ଜିଲ୍ଲାପାଳ ଏବଂ ପୁନର୍ବାସ ଓ ଥଇଥାନ ପ୍ରଶାସନ କାର୍ଯ୍ୟାଳୟରେ ଉପଲବ୍ଧ ଅଟେ । ଏହା ମଧ୍ୟ ଜିଲ୍ଲା ୱେବସାଇଟ **www.jajpur.nic.in** ରେ ଏବଂ ରାଜ୍ୟ ସରକାରଙ୍କ ୱେବସାଇଟ http://revenue.odisha.gov.in ରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ୍ କରାଯାଇଛି । ପୁନର୍ବାସ ଓ ଥଇଥାନ ଯୋଜନାର ଭୂମି ନକ୍ସା ଭୂ-ଅର୍ଜନ ଅଧିକାରୀ, ରେଙ୍ଗାଳି ବାମ କେନାଲ ପ୍ରଣାଳୀ, ସୁକିନ୍ଦା, ଏବଂ ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ସୁକିନ୍ଦା ଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସ ମାନଙ୍କରେ ଦେଖିବାକୁ ମିଳିପାରିବ ।

**ତଫସିଲ- କ**

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା: ଯାଜପୁର ତହସିଲ: - ସୁକିନ୍ଦା

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ଅଧିଗ୍ରହଣ ହେବାକୁ ଥିବା ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ମଙ୍ଗଳପୁର (ଅତିରିକ୍ତ) | ଗ୍ରାମାଞ୍ଚଳ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏଥି ସହିତ ସଂଲଗ୍ନ | ଏକର. ୨.୯୨ | ଏକର. ୨.୩୩ | ଏଥି ସହିତ ସଂଲଗ୍ନ |

**ତଫସିଲ- ଖ**

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁ ସୂଚୀ)

ଜିଲ୍ଲା:- ଯାଜପୁର ତହସିଲ: - ସୁକିନ୍ଦା

| ଗ୍ରାମର ନାମ | ଗ୍ରାମାଞ୍ଚଳ / ସହରାଞ୍ଚଳ | ଖାତା ନଂ | ପ୍ଲଟ୍ ନଂ | କିସମ | ପ୍ଲଟ୍ ର ମୋଟ ରକବା | ପୁନର୍ବାସ ନିମିତ୍ତ ଚିହ୍ନଟ ଜମିର ରକବା | ରୟତ୍ ଙ୍କ ନାମ |
|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ |
| ପ୍ରଯୁଜ୍ୟ / ପ୍ରଯୁଜ୍ୟ ନୁହେଁ | | | | | | | |

ଅଧିସୂଚନାର ବୈଧ ତାରିଖ—୨୫.୦୩.୨୦୧୮

## ଜମି ଅନୁସୂଚି

## ସୁକିନ୍ଦା ଶାଖା କେନାଲ

| କ୍ରମିକ ନଂ. | ଖତିୟାନ ନଂ. | ପ୍ଲଟ ନଂ. | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ | ମନ୍ତବ୍ୟ |
|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ |
| ୧ | ୧୨୨ | ୬୫୨ | ୨.୯୨ | ୦.୫୦ | ବିଶ୍ୱନାଥ ସିଂ ସାମନ୍ତ ପି- ଜଗନ୍ନାଥ ସିଂ ସାମନ୍ତ | ବସ୍ତିଯୋଗ୍ୟ ପାଇଁ ବଦଳି |
| ୨ | ୧୨୨ | ୬୫୨ | ୨.୯୨ | ୧.୮୩ | ବିଶ୍ୱନାଥ ସିଂ ସାମନ୍ତ ପି- ଜଗନ୍ନାଥ ସିଂ ସାମନ୍ତ | ଜଙ୍ଗଲ ପାଇଁ ବଦଳି |
| | | | ମୋଟ | ୨.୩୩ | | |

ଗ୍ରାମର ମୋଟ ପ୍ଲଟ ସଂଖ୍ୟା : ୧ (ଏକ), ମୋଟ ଅଧିଗ୍ରହିତ ଜମି : ୨.୩୩ ଏକର

ରାଜ୍ୟପାଳଙ୍କ ଆଦେଶକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and Published by the Director,Directorate of Printing, Stationery and Publication, Odisha, Cuttack-10
Ex. Gaz. 1193–173+20